# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 1017 CUTTACK, FRIDAY, JUNE 3, 2016/JAISTHA 13, 1938**


## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ ୨୧ ମଇ ୨୦୧୬

ସଂଖ୍ୟା 15895— RDM-LAC-SUN-0025/2015—ସର୍ବସାଧାରଣଙ୍କ ଅବଗତି ନିମନ୍ତେ, ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ର ଧାରା ୧୯ର ଅଧିନିୟମ ୧ ଅନୁଯାୟୀ ଏହି ଘୋଷଣାନାମା ଦିଆଯାଉଅଛି ଯେ ଉକ୍ତ ଆଇନ୍‌ର ଧାରା ୧୫(୨) ଅନୁସାରେ ଜିଲ୍ଲାପାଳ, ସୁନ୍ଦରଗଡ଼ଙ୍କ ପ୍ରଦତ୍ତ ରିପୋର୍ଟକୁ ବିବେଚନା କରି ମୌଜା ଭବାନୀପୁର, ଥାନା ସୁନ୍ଦରଗଡ଼, ତହସିଲ ସୁନ୍ଦରଗଡ଼, ଜିଲ୍ଲା ସୁନ୍ଦରଗଡ଼ରେ ନିମ୍ନସୂଚିତ 'କ' ତଫସିଲ ଜମି ଏହି ଆଇନର ଧାରା ୨ (୧) ପ୍ରକାରେ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ସ୍ପୋର୍ଟ୍‌ସ କମ୍ପ୍ଲେକ୍ସ ନିର୍ମାଣ ନିମନ୍ତେ ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଅଛି ।

ଏହି ଭୂମି ଅଧିଗ୍ରହଣ ସମ୍ବନ୍ଧୀୟ ପ୍ରାରମ୍ଭିକ ବିଜ୍ଞପ୍ତି ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ ର ଧାରା ୧୧(୧) ଅନୁଯାୟୀ ବିଜ୍ଞପ୍ତି ସଂଖ୍ୟା ୧୪୫୧୫, ତା ୧୩-୫-୨୦୧୫ ରିଖରେ ପ୍ରକାଶିତ ହୋଇଅଛି ।

ପୁନଶ୍ଚ ଏହା ଘୋଷଣା କରାଯାଉଅଛି ଯେ, ମୌଜା ଭବାନୀପୁର, ଥାନା ସୁନ୍ଦରଗଡ଼, ତହସିଲ ସୁନ୍ଦରଗଡ଼, ଜିଲ୍ଲା ସୁନ୍ଦରଗଡ଼ରେ କୌଣସି ପରିବାର ବିସ୍ଥାପିତ ହେଉନଥିବାରୁ ପୁନର୍ବାସ ଓ ଥଇଥାନ ନିମିତ୍ତ କୌଣସି ଜମି ଚିହ୍ନଟ କରାଯାଇନାହିଁ ।

ଅନୁମୋଦିତ ପୁନର୍ବାସ ଓ ଥଇଥାନ ଯୋଜନା, ଜିଲ୍ଲାପାଳ ଏବଂ ପୁନର୍ବାସ ଓ ଥଇଥାନ ପ୍ରଶାସନ କାର୍ଯ୍ୟାଳୟରେ ଉପଲବ୍ଧ ଅଟେ । ଏହା ମଧ୍ୟ ଜିଲ୍ଲା ୱେବ୍‌ସାଇଟ www. sundargarh.nic.inରେ ଏବଂ ରାଜ୍ୟ ସରକାରଙ୍କ ୱେବସାଇଟ www.odisha. gov.in/revenueରେ ସର୍ବସାଧାରଣଙ୍କ ଅବଲୋକନ ପାଇଁ ଅପ୍‌ଲୋଡ କରାଗଲା । ପୁନର୍ବାସ ଓ ଥଇଥାନ ଯୋଜନାର ଭୂମି ନକ୍ସା, ଭୂ-ଅର୍ଜନଅଧିକାରୀଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ତଫସିଲ-କ

(ପ୍ରସ୍ତାବିତ ଭୂମି ଅଧିଗ୍ରହଣ ଅନୁସୂଚୀ)

ଜିଲ୍ଲା : ସୁନ୍ଦରଗଡ଼ ତହସିଲ ସୁନ୍ଦରଗଡ଼

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ପ୍ଲଟ୍‌ର ମୋଟ ରକବା | ଅଧିଗ୍ରହଣ ହେବାକୁଥିବା ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ଭବାନୀପୁର | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏ. ୩.୦୫ | ଏଥିସହିତ ସଂଲଗ୍ନ |

ତଫସିଲ-ଖ

(ପୁନର୍ବାସ ନିମିତ୍ତ ଚିହ୍ନଟ ଭୂମି ଅନୁସୂଚୀ)

ଜି : ସୁନ୍ଦରଗଡ଼ ତହସିଲ ସୁନ୍ଦରଗଡ଼

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ପ୍ଲଟ୍‌ର ମୋଟ ରକବା | ପୁନର୍ବାସ ନିମିତ୍ତ ଚିହ୍ନଟ ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ପ୍ରଯୁଜ୍ୟ ନୁହେଁ | | | | | | | |

**ଫୁଲ ଲ୍ୟାଣ୍ଡ ସିଡ୍ୟୁଲ**

| କ୍ର. ନଂ. | ଖାତା ନଂ. | ପ୍ଲଟ୍ ନଂ. | କିସମ | ମୋଟ ରକବା | ଅଧିଗ୍ରହଣ କରାଯାଉଥିବା ରକବା | ଖତିୟାନ ମୁତାବକ ପ୍ରଜାର ନାମ ପିତାର ନାମ, ଜାତି ଓ ବାସସ୍ଥାନ |
|---|---|---|---|---|---|---|
| (୧) | (୨) | (୩) | (୪) | (୫) | (୬) | (୭) |
| | | | | ଏକର | ଏକର | |
| ୧ | ୧୪୮ | ୨୮/୧୨୩୭ | ମାଲ ସାଧାରଣ | ୩.୦୫୦ | ୩.୦୫୦ | ଶିବ ଖଡ଼ିଆ, ପି. ବୁଧୁ ଖଡ଼ିଆ, ଜା. ଖଡ଼ିଆ, ବା. କନ୍ଦାବାହାଲ । |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ସଂଗ୍ରାମ କେଶରୀ ମହାପାତ୍ର**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz.437—173+20